# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

### 22 November - 2024

********************************

## ମୁଖ୍ୟ ସମ୍ବାଦ

- ନୂଆଦିଲ୍ଲୀର ଜବାହରଲାଲ ନେହେରୁ ଷ୍ଟାଡିୟମରେ ଆଜିଠାରୁ ଆରମ୍ଭ ହେଲା ତିନିଦିନିଆ ଓଡ଼ିଶା ପର୍ବ ୨୦୨୪ ।
- ଦେଶର ବୃଦ୍ଧିପାଉଥିବା ଦକ୍ଷ ଯୁବକମାନେ ବିଶ୍ୱ ଅର୍ଥନୀତିର ମାର୍ଗଦର୍ଶକ ହେବେ - କହିଲେ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ।
- ମହାନ୍ ବିପ୍ଳବୀ ଶହୀଦ ଲକ୍ଷ୍ମଣ ନାଏକଙ୍କ ଜନ୍ମଜୟନ୍ତୀରେ ରାଜ୍ୟବ୍ୟାପୀ ଦେଲେ ଶ୍ରଦ୍ଧାଞ୍ଜଳି ।
- ଖରିଫ ଧାନ ସଂଗ୍ରହ ପ୍ରକ୍ରିୟାରେ ୨୪ରୁ ୪୮ ଘଣ୍ଟା ଭିତରେ ଚାଷୀମାନଙ୍କୁ ଦିଆଯିବ ପ୍ରାପ୍ୟ ।

ଏବଂ

- ମନ୍ କି ବାତ୍ କାର୍ଯ୍ୟକ୍ରମ ଜରିଆରେ ପ୍ରଧାନମନ୍ତ୍ରୀ ଆସନ୍ତା ରବିବାର ଦିନ ଦେଶବାସୀଙ୍କ ସହ କରିବେ ଭାବବିନିମୟ ।

# ଓଡ଼ିଶା ପର୍ବ

ଓଡ଼ିଆ ସଂସ୍କୃତିର ପ୍ରଚାର ଓ ସୁରକ୍ଷା ପାଇଁ ଓଡ଼ିଆ ସମାଜ ପକ୍ଷରୁ ଆଜିଠାରୁ ଦିଲ୍ଲୀରେ ଓଡ଼ିଶା ପର୍ବ-୨୦୨୪ ଆୟୋଜିତ ହେଉଛି। ଜବାହରଲାଲ ନେହେରୁ ଷ୍ଟାଡିୟମରେ ୩ ଦିନ ଧରି ହେବାକୁ ଥିବା ଏହି କାର୍ଯ୍ୟକ୍ରମରେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ, ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କ ସମେତ ବହୁ କେନ୍ଦ୍ରମନ୍ତ୍ରୀ ତଥା ବିଶିଷ୍ଟ ବ୍ୟକ୍ତିମାନେ ଯୋଗ ଦେଇଛନ୍ତି । ଏହି ପର୍ବରେ ରାଜ୍ୟର ସାମାଜିକ, ସାଂସ୍କୃତିକ ଓ ରାଜନୈତିକ ମୂଲ୍ୟବୋଧକୁ ଆଧାରିତ କରି ପ୍ରଦର୍ଶନୀର ଆୟୋଜନ କରାଯାଇଛି। ରାଜ୍ୟର କୋଣ ଅନୁକୋଣର ହସ୍ତଶିଳ୍ପ, ହସ୍ତତନ୍ତ, ନୃତ୍ୟ ଓ ସଂଗୀତ କଳାକାରମାନେ ଓଡ଼ିଶା ପର୍ବ-୨୦୨୪ରେ ଭାଗ ନେଇଛନ୍ତି।

ଏହି ପର୍ବରେ ଓଡ଼ିଆ ଭାଷା ସାହିତ୍ୟର ସମୃଦ୍ଧ ଐତିହ୍ୟକୁ ପାଳନ କରିବା ସହିତ ଓଡ଼ିଆ ଲେଖକ ଓ ପ୍ରକାଶକମାନେ ଭାଗନେଇ ସେମାନଙ୍କ ପୁସ୍ତକକୁ ଏହି ଜାତୀୟ ମଞ୍ଚରେ ପ୍ରଦର୍ଶନର ଆୟୋଜନ କରାଯାଇଛି। ପ୍ରଦର୍ଶନୀରେ ୪୫ଟି ଓଡ଼ିଆ ଫୁଡ୍‌ଷ୍ଟଲ, ୨୫ ହସ୍ତତନ୍ତ ଓ କଳା ଉତ୍ପାଦ ଷ୍ଟଲ ତଥା ଓଡ଼ିଶାକୁ ପ୍ରଦର୍ଶିତ କରୁଥିବା ଷ୍ଟଲଗୁଡ଼ିକ ପ୍ରଦର୍ଶିତ ହୋଇଥିବା ଜଣାପଡିଛି।

## ଧର୍ମେନ୍ଦ୍ର ପ୍ରଧାନ

କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଆଜି ନୂଆଦିଲ୍ଲୀରେ ଆୟୋଜିତ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ 'ଜବ୍ସ ଆଟ୍ ଇୟର ଡୋର୍ ଷ୍ଟେପ୍' ଶୀର୍ଷକ ଏକ ରିପୋର୍ଟ ଉନ୍ମୋଚନ କରିଛନ୍ତି । ଏହି ରିପୋର୍ଟରେ ୬ଟି ରାଜ୍ୟ ଓଡ଼ିଶା, ହିମାଚଳପ୍ରଦେଶ, କେରଳ, ମଧ୍ୟପ୍ରଦେଶ, ମହାରାଷ୍ଟ୍ର ଏବଂ ରାଜସ୍ଥାନରେ ଚାକିରୀ ଅନ୍ୱେଷଣ କରିବା ସହ ମାଧ୍ୟମିକ ବିଦ୍ୟାଳୟରୁ ସ୍ନାତକ ହାସଲ କରିଥିବା ଯୁବକମାନଙ୍କ ପାଇଁ ସର୍ବୋତ୍ତମ ନିଯୁକ୍ତି ସୁଯୋଗ ପ୍ରଦାନ କରୁଥିବା ପ୍ରମୁଖ ପ୍ରାଥମିକତା କ୍ଷେତ୍ରକୁ ଚିହ୍ନଟ କରିବ । ଏହି କାର୍ଯ୍ୟକ୍ରମରେ କେନ୍ଦ୍ର କ୍ରୀଡ଼ା ଓ ଯୁବବ୍ୟାପାର ମନ୍ତ୍ରୀ ଡକ୍ଟର ମନସୁଖ ମାଣ୍ଡବୀୟ ଯୋଗ ଦେଇ କହିଛନ୍ତି, ଏହି ରିପୋର୍ଟ ନୂତନ ଢ଼ାଞ୍ଚା ସୃଷ୍ଟି କରିବାରେ ସକ୍ଷମ ହେବା ସହ ଜନସଂଖ୍ୟାକୁ ସଶକ୍ତ କରିବା ପାଇଁ ପ୍ରଗତିଶୀଳ ନୀତି ପ୍ରସ୍ତୁତ କରିବାରେ ସମର୍ଥ ହେବ । ଶ୍ରୀ ପ୍ରଧାନ ୬ଟି ରାଜ୍ୟ ସମ୍ପର୍କରେ ବିସ୍ତୃତ ରିପୋର୍ଟ ପାଇଁ ବିଶ୍ୱବ୍ୟାଙ୍କକୁ ପ୍ରଶଂସା କରିଛନ୍ତି । ସେ କହିଛନ୍ତି ଆଗାମୀ ଦିନରେ ଦେଶର ବୃଦ୍ଧିପାଉଥିବା ଦକ୍ଷ ଯୁବକମାନେ ବିଶ୍ୱ ଅର୍ଥନୀତିର ମାର୍ଗଦର୍ଶକ ହେବେ ।

## ମନ୍ କୀ ବାତ୍

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତା ୨୪ ତାରିଖ ରବିବାର ଦିନ ଆକାଶବାଣୀର ମନ୍ କି ବାତ୍ କାର୍ଯ୍ୟକ୍ରମରେ ଦେଶବାସୀଙ୍କ ସହ ଭାବ ବିନିମୟ କରିବେ। ଏହା ପ୍ରଧାନମନ୍ତ୍ରୀଙ୍କ ମନ୍ କୀ ବାତ୍ କାର୍ଯ୍ୟକ୍ରମର

୧୧୬ତମ ସଂସ୍କରଣ ହେବ। ମନ୍ କି ବାତ୍ କାର୍ଯ୍ୟକ୍ରମ ଆକାଶବାଣୀ ଓ ଦୂରଦର୍ଶନର ସମସ୍ତ କେନ୍ଦ୍ର, ଆକାଶବାଣୀ ସମ୍ବାଦ ୱେବ୍‌ସାଇଟ୍ ଓ ନ୍ୟୁଜ୍ ଅନ୍ ଏ.ଆଇ.ଆର୍. ମୋବାଇଲ୍ ଆପ୍‌ରେ ଉପଲବ୍ଧ ହେବ। ଆକାଶବାଣୀ ସମ୍ବାଦ, ଡି.ଡି. ନ୍ୟୁଜ୍, ପି.ଏମ୍.ଓ. ଏବଂ ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟ ୟୁଟ୍ୟୁବ୍ ଚ୍ୟାନେଲ୍‌ରେ ପ୍ରଧାନମନ୍ତ୍ରୀଙ୍କର ମନ୍ କୀ ବାତ୍ କାର୍ଯ୍ୟକ୍ରମର ଲାଇଭ୍ ଷ୍ଟ୍ରିମିଙ୍ଗ୍ ହେବ। ପ୍ରଧାନମନ୍ତ୍ରୀଙ୍କର ସମ୍ବୋଧନ ପରେ ଆଞ୍ଚଳିକ ଭାଷାରେ ମନ୍ କୀ ବାତ୍ ପ୍ରସାରଣ କରାଯିବ। ଆଞ୍ଚଳିକ ଭାଷାରେ ମନ୍ କି ବାତ୍‌ର ଭାଷାନ୍ତର ପୁଣିଥରେ ସେହିଦିନ ରାତି ୮ଟାରେ ପ୍ରସାରଣ କରାଯିବ।

## ବିଧାନସଭା ଶୀତକାଳୀନ ଅଧିବେଶନ

ବିଧାନସଭା ଶୀତକାଳୀନ ଅଧିବେଶନ ଆସନ୍ତା ୨୬ ତାରିଖ ମଙ୍ଗଳବାରଠାରୁ ଆରମ୍ଭ ହେବ। ବିଧାନସଭା ପୂର୍ବରୁ ଆସନ୍ତାକାଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ମନ୍ତ୍ରୀପରିଷଦ ବୈଠକ ଅନୁଷ୍ଠିତ ହେବ ବୋଲି ସୂଚନା ମିଳିଛି। ବୈଠକରେ ଚଳିତ ଆର୍ଥିକ ବର୍ଷ ପାଇଁ ଅତିରିକ୍ତ ବଜେଟ୍‌କୁ ମନ୍ତ୍ରୀପରିଷଦର ଅନୁମୋଦନ ମିଳିବାର ସମ୍ଭାବନା ଅଛି। ଶୀତକାଳୀନ ଅଧିବେଶନର ପ୍ରଥମ ଦିନରେ ମୁଖ୍ୟମନ୍ତ୍ରୀ ଗୃହରେ ଅତିରିକ୍ତ ବଜେଟ୍ ଉପସ୍ଥାପନ କରିବେ। ଡିସେମ୍ବର ୫ ତାରିଖରେ ଗୃହରେ ଅତିରିକ୍ତ ବଜେଟ ଉପସ୍ଥାପନ କରାଯିବ। ସୂଚନାଯୋଗ୍ୟ ବିଧାନସଭାର ଶୀତକାଳୀନ ଅଧିବେଶନ ଡିସେମ୍ବର ୩୧ ତାରିଖ ପର୍ଯ୍ୟନ୍ତ ଚାଲିବ। ଅଧିବେଶନରେ ମୋଟ ୩୦ଟି କାର୍ଯ୍ୟଦିବସ ରହିଛି। ଏହାକୁ

ସୁଚାରୁରୂପେ ସମ୍ପାଦନ କରିବା ପାଇଁ ବାଚସ୍ପତି ସୁରମା ପାଢ଼ୀ ଆସନ୍ତା ୨୫ ତାରିଖ ସୋମବାର ଦିନ ସର୍ବଦଳୀୟ ବୈଠକ ଡାକିଛନ୍ତି।

## ପ୍ରଭାତି ପରିଡ଼ା-ଧାନ

ଚାଷୀମାନେ ମଣ୍ଡିରେ ଧାନ ଦେବାର ୨୪ରୁ ୪୮ ଘଣ୍ଟା ଭିତରେ ଯେପରି ତାଙ୍କର ପ୍ରାପ୍ୟ ପାଇବେ ସେ ଦିଗରେ ଅଧିକାରୀମାନେ ଯତ୍ନବାନ ହେବାକୁ ଉପମୁଖ୍ୟମନ୍ତ୍ରୀ ପ୍ରଭାତି ପରିଡ଼ା କହିଛନ୍ତି । ଆଜି ଢ଼େଙ୍କାନାଳ ଜିଲ୍ଲା ପରିଷଦ ସଭାଗୃହରେ ଏକ ସମୀକ୍ଷା ବୈଠକରେ ଯୋଗଦେବା ଅବସରରେ ସେ କହିଛନ୍ତି ଚାଷୀମାନେ ଯେପରି କୌଣସି ଅସୁବିଧାର ସମ୍ମୁଖୀନ ନହେବେ ସେ ଦିଗରେ ପ୍ରଶାସନ, ପୋଲିସ ଠିକ୍ ଭାବରେ କାର୍ଯ୍ୟ କରିବେ । ଆସନ୍ତା ଜାନୁଆରୀ ୮ ତାରିଖଠାରୁ ଜିଲ୍ଲାରେ ୧୬ଟି ମିଲରଙ୍କ ଜରିଆରେ ପ୍ରାୟ ୧୫ ଲକ୍ଷ କ୍ୱିଣ୍ଟାଲ ଧାନ ସଂଗ୍ରହର ଲକ୍ଷ୍ୟ ରଖାଯାଇଛି । ଏହି ଅବସରରେ ଜିଲ୍ଲାପାଳ ସୋମେଶ କୁମାର ଉପାଧ୍ୟାୟ କହିଛନ୍ତି ଆବଶ୍ୟକ ହେଲେ ଅଧିକ ମଣ୍ଡି ଖୋଲାଯାଇ ଚାଷୀମାନଙ୍କ ଠାରୁ ଧାନ କ୍ରୟ କରାଯିବ ।

## ଲକ୍ଷ୍ମଣ ନାୟକ ଜୟନ୍ତୀ

ମହାନ ବିପ୍ଳବୀ ଶହୀଦ ଲକ୍ଷ୍ମଣ ନାୟକଙ୍କ ଜୟନ୍ତୀ ଆଜି ପାଳନ କରାଯାଉଛି । ଶହୀଦ ଲକ୍ଷ୍ମଣ ନାୟକ ଅବିଭକ୍ତ କୋରାପୁଟ ଜିଲ୍ଲା ବୋରିଗୁମ୍ମା ବ୍ଲକର ତେନ୍ତୁଳିଗୁମ୍ମା ଗ୍ରାମରେ ୧୮୯୯ ମସିହା ଆଜିର ଦିନରେ ଜନ୍ମଗ୍ରହଣ କରିଥିଲେ। ମହାତ୍ମା ଗାନ୍ଧୀଙ୍କ ଡାକରାରେ ସ୍ୱାଧୀନତା

ଆନ୍ଦୋଳନରେ ସାମିଲ ହୋଇ ତାଙ୍କର ଅଞ୍ଚଳରେ ଲୋକମାନଙ୍କୁ ସ୍ୱାଧୀନତାର ଚିନ୍ତାଧାରାରେ ପ୍ରେରିତ ହେବା ସହିତ ନିର୍ଭୀକ ହେବା ପାଇଁ ପ୍ରବର୍ତ୍ତାଉଥିଲେ। ଅହିଂସା ମାର୍ଗରେ ପରିଚାଳିତ ହେବା ଏବଂ ମଦ୍ୟପାନ ତ୍ୟାଗ କରି ଏକ ଶୃଙ୍ଖଳିତ ଜୀବନଯାପନ କରିବାର ବାର୍ତ୍ତା ପ୍ରଚାର କରୁଥିବାରୁ ମାଲକାନଗିରିର ଗାନ୍ଧୀ ବୋଲି କୁହାଯାଉଥିଲା।

ମହାନ ବିପ୍ଳବୀ ଶହୀଦ ଲକ୍ଷ୍ମଣ ନାୟକଙ୍କ ଜୟନ୍ତୀ ପାଳନ ଅବସରରେ ଭୁବନେଶ୍ୱର ଜୟଦେବ ଭବନରେ ଆଜି ସନ୍ଧ୍ୟାରେ ରାଜ୍ୟସ୍ତରୀୟ ଜୟନ୍ତୀ ସମାରୋହରେ ବିଦ୍ୟାଳୟ ଓ ଗଣଶିକ୍ଷାମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ, ନବରଙ୍ଗପୁର ସାଂସଦ ବଳଭଦ୍ର ମାଝିଙ୍କ ସମେତ କୋରାପୁଟ ଜିଲ୍ଲାର ସାଂସଦ ଓ ବିଧାୟକମାନେ ଯୋଗ ଦେଇଛନ୍ତି।

ଶହୀଦ ଲକ୍ଷ୍ମଣ ନାଏକ ସ୍ୱାଧୀନତା ସଂଗ୍ରାମରେ ଭାଗନେଇ ବ୍ରିଟିଶ ସରକାରଙ୍କ ଆକ୍ରୋଶର ଶିକାର ହୋଇଥିଲେ। ଶେଷରେ ବ୍ରହ୍ମପୁର ଜେଲରେ ଶହୀଦ ହୋଇଥିଲେ।

ବ୍ରହ୍ମପୁର ମଣ୍ଡଳ କାରାଗାରରେ ଶହୀଦ ଲକ୍ଷ୍ମଣ ନାୟକଙ୍କ ଜନ୍ମଜୟନ୍ତୀରେ ଜିଲ୍ଲା ସୂଚନା ଲୋକସମ୍ପର୍କ ବିଭାଗ ପକ୍ଷରୁ ପାଳିତ ହୋଇଯାଇଛି। ଏଥିରେ ରାଜ୍ୟ ବାଣିଜ୍ୟ ଓ ପରିବହନ, ଖଣି ଓ ଇସ୍ପାତ ମନ୍ତ୍ରୀ ବିଭୂତି ଭୂଷଣ ଜେନାଙ୍କ ସମେତ ଜିଲ୍ଲାର ମାନ୍ୟଗଣ୍ୟ ବ୍ୟକ୍ତି ଯୋଗଦେଇ ସହିଦ ଲକ୍ଷ୍ମଣ ନାୟକଙ୍କୁ ଶ୍ରଦ୍ଧାଞ୍ଜଳି ଦେବା ସହିତ ତାଙ୍କର ଦେଶଭକ୍ତିର ପରାକାଷ୍ଠା ଉପରେ ଆଲୋକପାତ କରିଥିଲେ ।

## ଆଇନ୍ ସଚେତନତା କାର୍ଯ୍ୟକ୍ରମ

ରାୟଗଡା ଜିଲ୍ଲା ଆଇନ୍‌ସେବା ପ୍ରାଧିକରଣ ଆନୁକୂଲ୍ୟରେ ସ୍ଥାନୀୟ ସରକାରୀ ବାଳିକା ଉଚ୍ଚବିଦ୍ୟାଳୟ ପରିସରରେ ଏକ ଆଇନ୍ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଅଧାରୁ ପାଠ ଛାଡିଥିବା ଛାତ୍ରଛାତ୍ରୀମାନଙ୍କୁ ପୁନର୍ବାର ବିଦ୍ୟାଳୟକୁ ଫେରାଇ ଆଣିବା ପାଇଁ ସଚେତନତା କରାଯାଇଛି । ଜିଲ୍ଲା ଆଇନ୍‌ସେବା ପ୍ରାଧିକରଣ ସଚିବ ସୁବ୍ରତ ଆଚାର୍ଯ୍ୟଙ୍କ ସମେତ ଜିଲ୍ଲାର ଅନ୍ୟାନ୍ୟ ପଦାଧିକାରୀ ସଚେତନତା କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ ।

## ବୈଠକ

କଳାହାଣ୍ଡି ଜିଲ୍ଲା ଜୁନାଗଡ ବିଧାନସଭା ମଣ୍ଡଳୀ ବିକାଶ କମିଟିର ବୈଠକ ଆଜି ଜିଲ୍ଲା ଯୋଜନା ଓ ପର୍ଯ୍ୟବେକ୍ଷଣ ସଭାଗୃହରେ ଅନୁଷ୍ଠିତ ହୋଇଯାଇଛି । ଜୁନାଗଡ ବିଧାୟକ କ୍ୟାପଟେନ ଦିବ୍ୟଶଙ୍କର ମିଶ୍ରଙ୍କ ଅଧ୍ୟକ୍ଷତାରେ ହୋଇଥିବା ବୈଠକରେ ଶିକ୍ଷା, ସ୍ୱାସ୍ଥ୍ୟ, ପାନୀୟଜଳ, ଅନୁସୂଚିତ ଜନଜାତି ଏବଂ ଜାତି ଛାତ୍ରଛାତ୍ରୀମାନଙ୍କ ପାଇଁ ହଷ୍ଟେଲ ସୁବିଧା, ଖାଦ୍ୟସୁରକ୍ଷା, ଯୋଜନା ଏବଂ ସ୍ୱଚ୍ଛତା ସମ୍ପର୍କିତ ଚାଲିଥିବା କାର୍ଯ୍ୟକ୍ରମ ଗୁଡ଼ିକ ଉପରେ ଆଲୋଚନା ହୋଇଥିଲା ।

## ଯୁବ ଉତ୍ସବ

କେନ୍ଦ୍ର ସରକାରଙ୍କ କ୍ରୀଡ଼ା ଓ ଯୁବ ମନ୍ତ୍ରଣାଳୟ ପକ୍ଷରୁ ବୌଦ୍ଧ ଜିଲ୍ଲା ସଂଗ୍ରହାଳୟଠାରେ ଜିଲ୍ଲାସ୍ତରୀୟ ଯୁବ ଉତ୍ସବ ଆୟୋଜିତ ହୋଇଯାଇଛି ।

ନେହେରୁ ଯୁବକେନ୍ଦ୍ର ଏବଂ ଜିଲ୍ଲା ପ୍ରଶାସନ ପକ୍ଷରୁ ଜିଲ୍ଲାର ବିଭିନ୍ନ ପ୍ରତିଯୋଗୀମାନଙ୍କୁ ନେଇ ପ୍ରତିଯୋଗିତାମାନ ଆୟୋଜିତ ହୋଇଛି । ଉତ୍ସବରେ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମର ଆୟୋଜନ କରାଯାଇଥିଲା ।

## କୃଷି ଯନ୍ତ୍ରପାତି ମେଳା ଉଦ୍‌ଯାପିତ

ରାୟଗଡା ଜିଲ୍ଲା ଗୁଣପୁରଠାରେ ଉପଖଣ୍ଡସ୍ତରୀୟ କୃଷି ଯନ୍ତ୍ରପାତି ମେଳା ଆଜି ଉଦ୍‌ଯାପିତ ହୋଇଯାଇଛି । ଏହି କାର୍ଯ୍ୟକ୍ରମରେ ଜିଲ୍ଲାପରିଷଦ ଅଧ୍ୟକ୍ଷା ସରସ୍ୱତୀ ମାଝି ମୁଖ୍ୟଅତିଥି ଭାବେ ଯୋଗ ଦେଇଥିଲେ । ପ୍ରଦର୍ଶନୀରେ କୃଷି ବିଭାଗର ବିଭିନ୍ନ କୃଷି ଯନ୍ତ୍ରପାତି ପ୍ରଦର୍ଶିତ କରିବା ସହ ଏହାର କାର୍ଯ୍ୟକାରୀତା ସମ୍ପର୍କରେ ଚାଷୀଙ୍କୁ ଅବଗତ କରାଯାଇଥିଲା ।

## ସଚେତନତା ରଥ

ନୂଆପଡା ଜିଲ୍ଲା କୋମନା କୃଷି ଅଧିକାରୀଙ୍କ କାର୍ଯ୍ୟାଳୟରେ ମାଣ୍ଡିଆ କ୍ରୟ ସଚେତନତା ରଥର ଶୁଭାରମ୍ଭ କରାଯାଇଛି । ସଚେତନତା ରଥ ତିନିଦିନ ଧରି କୋମନା ବ୍ଲକର ବିଭିନ୍ନ ଜାଗା ବୁଲି ଶ୍ରୀଅନ୍ନ ଚାଷ କରି ଚାଷୀ କିପରି ଲାଭବାନ ହୋଇପାରିବେ ସେ ସମ୍ପର୍କରେ ପ୍ରଚାର କରୁଛି ।

## କୃଷିଗଣନା-ପ୍ରଶିକ୍ଷଣ ଶିବିର

କେନ୍ଦ୍ରାପଡ଼ା ଜିଲ୍ଲାରେ ଏକାଦଶତମ ଦ୍ୱିତୀୟ ଓ ତୃତୀୟ ପର୍ଯ୍ୟାୟ ପାଇଁ କୃଷିଗଣନା କାର୍ଯ୍ୟକ୍ରମ ଲାଗି ଜିଲ୍ଲାସ୍ତରୀୟ ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ ହୋଇଯାଇଛି । ଏହି ଗଣନାର ଦ୍ୱତୀୟ ପର୍ଯ୍ୟାୟ ପାଇଁ ୩୧୭ଟି ନମୂନା ଗ୍ରାମ ଏବଂ ତୃତୀୟ ପର୍ଯ୍ୟାୟ ପାଇଁ ୧୧୧ଟି ନମୂନା ଗ୍ରାମରେ ସର୍ଭେ

କରାଯିବ । ଏହି ଗଣନା କାର୍ଯ୍ୟରେ ରାଜସ୍ୱ, କୃଷି ଏବଂ ଯୋଜନା ସଂଯୋଜନା ବିଭାଗର ୪୮ଜଣ ପ୍ରାଥମିକ ଗଣନାକାରୀ ଏବଂ ୨୭ଜଣ ପର୍ଯ୍ୟବେକ୍ଷକ ନିୟୋଜିତ ହେବେ ବୋଲି ସୂଚନା ରହିଛି ।

# ଧାନ ସଂଗ୍ରହ

ସମ୍ବଲପୁର ଉପଖଣ୍ଡରେ ଆଜିଠାରୁ ଚାଷୀମାନଙ୍କଠାରୁ ଧାନ ସଂଗ୍ରହ ଆରମ୍ଭ କରାଯାଇଛି । ଆସନ୍ତା ୨୭ ତାରିଖଠାରୁ କୁଚିଣ୍ଡା ଓ ରେଢ଼ାଖୋଲ ଉପଖଣ୍ଡରୁ ଧାନ ସଂଗ୍ରହ କରାଯିବ । ଆଜି ପ୍ରଥମ ଦିନରେ ୩୪ଟି ମଣ୍ଡିରୁ ଚାଷୀଙ୍କଠାରୁ ଧାନ ସଂଗ୍ରହ କରାଯାଇଛି । ଚଳିତ ଖରିଫ ଋତୁରେ ଧାନ ବିକ୍ରି କରିବା ପାଇଁ ଜିଲ୍ଲାର ମୋଟ୍ ଅଣଷଠୀ ହଜାର ୮୯୫ଜଣ ଚାଷୀ ନାମ ପଞ୍ଜିକରଣ କରିଲେ ।

## ଧାନ ସଂଗ୍ରହ ସମିତି ବୈଠକ

ନୟାଗଡ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସଦ୍‌ଭାବନା ସଭାଗୃହରେ ଜିଲ୍ଲାସ୍ତରୀୟ ଧାନ ସଂଗ୍ରହ ସମିତି ବୈଠକ ଅନୁଷ୍ଠିତ ହୋଇଯାଇଛି । ଏଥିରେ ଜିଲ୍ଲାପାଳ ଅକ୍ଷୟ ସୁନୀଲ ଅଗ୍ରୱାଲ ଅଧ୍ୟକ୍ଷତା କରିଥିଲେ । ଆସନ୍ତାମାସ ୨୯ ତାରିଖରୁ ଜିଲ୍ଲାର ୧୬୭ଟି ମଣ୍ଡିରେ ଧାନକ୍ରୟ କରାଯିବାକୁ ବୈଠକରେ ନିଷ୍ପତ୍ତି ନିଆଯାଇଛି । ଜିଲ୍ଲାରେ ମୋଟ୍ ୫୩ହଜାର ୮୦୪ଜଣ ଚାଷୀ ଧାନ ବିକ୍ରି ପାଇଁ ପଞ୍ଜୀକରଣ କରିଛନ୍ତି । ସେହିପରି ଜିଲ୍ଲାରେ ୧୨ଲକ୍ଷ ୯୦ହଜାର ୨୯୪ କ୍ୱିଣ୍ଟାଲ ମେଟ୍ରିକ ଟନ୍ ଧାନ ଉତ୍ପାଦନ ଲକ୍ଷ୍ୟ ଧାର୍ଯ୍ୟ

ରହିଛି । ଧାନ ସଂଗ୍ରହ ପାଇଁ ଆର୍‌ଏମ୍‌ସି ମାଧ୍ୟମରେ ପ୍ରଚାର ପ୍ରସାର କରାଯିବାକୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଛନ୍ତି ।